ପ୍ରେସ୍ ନୋଟ୍

## ଆଜି ଅନୁଗୋଳ ଜିଲ୍ଲାରୁ ୧୧୮ ଜଣ କରୋନା ପଜିଟିଭ ଚିହ୍ନଟ -

## ପଜିଟିଭ ସଂଖ୍ୟା ପହଞ୍ଚିଲା ୧୯୪୪ରେ,ସୁସ୍ଥ ହେଲେ ୧୬ ଜଣ ।

ଅନୁଗୋଳ,ତା. ୧୪.୯:- ଆଜି ଅନୁଗୋଳ ଜିଲ୍ଲାରୁ ୧୧୮ ଜଣ କରୋନା ପଜିଟିଭ ଚିହ୍ନଟ ହୋଇ ପଜିଟିଭ ସଂଖ୍ୟା ୧୯୪୪ ରେ ପହଞ୍ଚିଲା । ଆକ୍ରାନ୍ତମାନଙ୍କ ମଧ୍ୟରେ ବଣ୍ଡରପାଳ ବ୍ଲକ୍ ଅଂଚଳରୁ ସର୍ବାଧିକ ୩୨ ଜଣ (୩୦ଜଣ ପୁରୁଷ ଓ ୨ ଜଣ ମହିଳା),ଅନୁଗୋଳ ପୌରପାଳିକା ଅଂଚଳରୁ ୧୯ ଜଣ (୧୫ଜଣ ପୁରୁଷ ଓ ୪ ଜଣ ମହିଳା), କଣିହାଁ ବ୍ଲକ୍ ଅଂଚଳରୁ ୧୭ ଜଣ(୧୧ ଜଣ ପୁରୁଷ ଓ ୬ ଜଣ ମହିଳା),ଛେଣ୍ଡିପଦା ବ୍ଲକ୍ ଅଂଚଳରୁ ୧୬ ଜଣ (୧୫ଜଣ ପୁରୁଷ ଓ ୧ ଜଣ ମହିଳା),କିଶୋରନଗର ବ୍ଲକ୍ ଅଂଚଳରୁ ୧୫ ଜଣ (୭ଜଣ ପୁରୁଷ ଓ ୮ ଜଣ ମହିଳା), ପାଲଲହଡା ବ୍ଲକ୍ ଅଂଚଳରୁ ୧୧ ଜଣ (୯ଜଣ ପୁରୁଷ ଓ ୨ ଜଣ ମହିଳା), ତାଳଚେର ବ୍ଲକ୍ ଅଂଚଳରୁ ୫ ଜଣ(୪ଜଣ ପୁରୁଷ ଓ ୧ ଜଣ ମହିଳା) ଓ ଅନୁଗୋଳ ବ୍ଲକ୍ ଅଂଚଳରୁ ୩ ଜଣ (୧ଜଣ ପୁରୁଷ ଓ ୨ ଜଣ ମହିଳା) ଅଛନ୍ତି । ସମସ୍ତେ ଅନ୍ୟ ଆକ୍ରାନ୍ତଙ୍କ ସଂସ୍ପର୍ଶରେ ଆସି ପଜିଟିଭ ହୋଇଥିବାର ଜଣାପଡିଛି । ସମସ୍ତ ଲକ୍ଷଣଯୁକ୍ତ ଆକ୍ରାନ୍ତମାନଙ୍କୁ କୋଭିଡ ହସପିଟାଲକୁ ଚିକିତ୍ସା ନିମନ୍ତେ ସ୍ଥାନାନ୍ତର କରାଯାଉଥିବା ବେଳେ ସ୍ୱଳ୍ପ ଲକ୍ଷଣଯୁକ୍ତ ଓ ଲକ୍ଷଣ ବିହିନ ଆକ୍ରାନ୍ତମାନଙ୍କୁ ନିଜ ଘରେ Isolation ରେ ରଖାଯାଇ ନିରିକ୍ଷଣ କରାଯାଉଛି ବୋଲି ଜିଲ୍ଲାପାଳ ଶ୍ରୀ ସିଦ୍ଧାର୍ଥ ଶଙ୍କର ସ୍ୱାଇଁ ପ୍ରକାଶ କରିଛନ୍ତି । ଇତିମଧ୍ୟରେ ସୁସ୍ଥ ହୋଇଥିବା ୧୬ ଜଣଙ୍କୁ ନିଜ ଘରେ Isolation ରେ ରହିବାକୁ ପରାମର୍ଶ ଦିଆଯାଇଛି । ପୂର୍ବରୁ ସୁସ୍ଥ ହୋଇଥିବା ୬୧୨ ଜଣଙ୍କୁ ମିଶାଇ ସୁସ୍ଥଙ୍କ ସଂଖ୍ୟା ୬୨୮ ରେ ପହଂଚିଲା ।

ଜିଲ୍ଲା ସୂଚନା ଓ ଲୋକ ସମ୍ପର୍କ କାର୍ଯ୍ୟାଳୟ,ଅନୁଗୋଳ ।

ଜ୍ଞାପକ ସଂଖ୍ୟା. ୬୨୬ ତା୧୪.୦୯.୨୦୨୦

ଏହାର ଏକକିତା ନକଲ ସମସ୍ତ ଜିଲ୍ଲା ସ୍ତରୀୟ ସାମ୍ବାଦିକଙ୍କ ସଦୟ ଅବଗତି ଓ ଏହାର ପ୍ରକାଶନ ନିମନ୍ତେ ପ୍ରେରଣ କରାଗଲା ।

(signature) ୧୪/୯/୨୦

ଜିଲ୍ଲା ସୂଚନା ଓ ଲୋକ ସମ୍ପର୍କ ଅଧିକାରୀ, ଅନୁଗୋଳ